ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1023/10-01-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୦ ଜାନୁଆରୀ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଇଣ୍ଡୋନେସିଆର ଶ୍ରୀବିଜୟ ଏୟାର ଫ୍ଲାଇଟ୍ ୧୮୨ ନିଖୋଜ ହେବା ନେଇ ଚିନ୍ତାବ୍ୟକ୍ତ କରିଛନ୍ତି । ସମସ୍ତ ଯାତ୍ରୀଙ୍କ ସୁରକ୍ଷା ପାଇଁ ପ୍ରାର୍ଥନା କରିବା ସହ ମାନ୍ୟବର ମୁଖ୍ୟମନ୍ତ୍ରୀ ସେମାନଙ୍କ ପରିବାରବର୍ଗ ଓ ବନ୍ଧୁମାନଙ୍କ ପ୍ରତି ସମବେଦନା ଜ୍ଞାପନ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ନେତାଜୀ ସୁଭାଷ ଚନ୍ଦ୍ର ବୋଷଙ୍କ ୧୨୫ତମ ଜୟନ୍ତୀ ଉତ୍ସବ ପାଳନ ନିମନ୍ତେ ଭାରତ ସରକାରଙ୍କ ସଂସ୍କୃତି ମନ୍ତ୍ରଣାଳୟ ଦ୍ୱାରା ଗଠିତ ଉଚ୍ଚସ୍ତରୀୟ କମିଟିରେ ସଦସ୍ୟ ଭାବେ ମନୋନୀତ ହୋଇଛନ୍ତି । ଏହି କମିଟି ବର୍ଷବ୍ୟାପୀ ଆୟୋଜିତ ହେବାକୁ ଥିବା ଉତ୍ସବର କାର୍ଯ୍ୟକ୍ରମ ପ୍ରସ୍ତୁତ କରିବ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କଳାହାଣ୍ଡିର ବିକାଶଧାରାକୁ ତ୍ୱରାନ୍ୱିତ କରିବା ପାଇଁ ଜାନୁଆରୀ ୧୪ରେ ଜିଲ୍ଲାଗସ୍ତ କରୁଛନ୍ତି । ଏହି ଅବସରରେ ମାନ୍ୟବର ମୁଖ୍ୟମନ୍ତ୍ରୀ ବିଭିନ୍ନ ବିକାଶମୂଳକ କାର୍ଯ୍ୟର ଶୁଭାରମ୍ଭ କରିବେ ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧରାତ୍ରି ସୁଦ୍ଧା ଓଡ଼ିଶାରେ ୭୧,୭୨,୦୯୦ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୧,୮୭୨ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୨୭,୮୦୩ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୮୯୧ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୨,୧୧୫ ରହିଛି ।
- ୨,୧୧୫ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**